ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

ସୂଚନା ଓ ଲୋକସଂପର୍କ ବିଭାଗର ସାମ୍ବାଦିକ ସମ୍ମିଳନୀ

# ପ୍ରେସ୍ ବିଜ୍ଞପ୍ତି

ଭୁବନେଶ୍ୱର : ୨୩ ମାର୍ଚ୍ଚ,୨୦୨୦

କରୋନା ଭୂତାଣୁ ରୋଗ (କୋଭିଡ୍-୧୯)ର ସଂକ୍ରମଣକୁ ପ୍ରତିହତ କରିବା ନିମନ୍ତେ ଓଡ଼ିଶା ସରକାର ଗ୍ରହଣ କରିଥିବା ବିଭିନ୍ନ ପଦକ୍ଷେପ ଉପରେ ରାଜ୍ୟ ସରକାରଙ୍କ ମୁଖ୍ୟ ମୁଖପାତ୍ର ଶ୍ରୀ ସୁବ୍ରତ ବାଗ୍‌ଚୀ ଆଜି ଅପରାହ୍ଣରେ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି । ମହିଳା ଓ ଶିଶୁ ବିକାଶ ଏବଂ ମିଶନ ଶକ୍ତି ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀମତୀ ଅନୁ ଗର୍ଗ ଉପସ୍ଥିତ ଥିଲେ ।

- ପୂର୍ବରୁ ୫ଟି ଜିଲ୍ଲା ଖୋର୍ଦ୍ଧା, କଟକ, ଗଞ୍ଜାମ, କେନ୍ଦ୍ରାପଡ଼ା ଓ ଅନୁଗୋଳ ସହିତ ୮ଟି ସହର ଯଥା-ପୁରୀ, ରାଉରକେଲା (ରାଉରକେଲା ଇସ୍ପାତ ନଗରୀ ସମେତ), ସମ୍ବଲପୁର, ଝାରସୁଗୁଡ଼ା, ବାଲେଶ୍ୱର, ଭଦ୍ରକ, ଯାଜପୁର ଟାଉନ୍ ଓ ଯାଜପୁର ରୋଡ୍‌କୁ ରାଜ୍ୟ ସରକାର ସଂପୂର୍ଣ୍ଣ ତାଲାବନ୍ଦ ଘୋଷଣା କରିଥିଲେ । ଆଜି ଏହାକୁ ପରିବର୍ଦ୍ଧିତ କରାଯାଇ ଆଉ ୯ଟି ଜିଲ୍ଲା ଯଥା-ପୁରୀ, ନୟାଗଡ଼, ଜଗତସିଂହପୁର, ଢେଙ୍କାନାଳ, ଯାଜପୁର , ଭଦ୍ରକ, ବାଲେଶ୍ୱର, ସମ୍ବଲପୁର ଏବଂ ଝାରସୁଗୁଡ଼ା ଆଦି ଜିଲ୍ଲାକୁ ୨୪ ମାର୍ଚ୍ଚ ସକାଳ ୭ଟାରୁ ୨୯ ମାର୍ଚ୍ଚ ରାତି ୯ଟା ପର୍ଯ୍ୟନ୍ତ ସଂପୂର୍ଣ୍ଣ ତାଲାବନ୍ଦ ଘୋଷଣା କରିଛନ୍ତି ।

- ୨୪ ତାରିଖ ପୂର୍ବାହ୍ଣ ୧୧ଟା ସମୟରୁ ପରବର୍ତ୍ତୀ ଆଦେଶ ପର୍ଯ୍ୟନ୍ତ ସମଗ୍ର ରାଜ୍ୟରେ ଯାତ୍ରୀବାହୀ ବସ୍ ଚଳାଚଳ ବନ୍ଦ ରହିବ ।
- ସମସ୍ତ ସହରାଞ୍ଚଳରେ ସିଟି ବସ୍ ସେବା ୨୩/୦୩/୨୦୨୦ ମଧ୍ୟରାତ୍ରିଠାରୁ ବନ୍ଦ ରହିବ ।

- କୌଣସି ପ୍ରକାର ଜରୁରୀ ପରିସ୍ଥିତିର ମୁକାବିଲା ପାଇଁ ରାଜ୍ୟର ସମସ୍ତ ୬୭୯୮ଟି ଗ୍ରାମପଞ୍ଚାୟତରେ ସବୁପ୍ରକାର ମୌଳିକ ସୁବିଧା ଥାଇ ୭୨୭୬ଟି ଅସ୍ଥାୟୀ ଚିକିତ୍ସା ଶିବିର ଚିହ୍ନଟ କରାଯାଇଛି ।
- ଅସ୍ଥାୟୀ ଚିକିତ୍ସା ଶିବିର ପାଇଁ ଜଣେ ପଦବୀଧାରୀ ଅଧିକାରୀଙ୍କୁ ପ୍ରତି ଗ୍ରାମପଞ୍ଚାୟତ ପାଇଁ ନୋଡାଲ୍ ଅଫିସର ଭାବେ ଘୋଷିତ କରାଯାଇଛି ।
- ଆବଶ୍ୟକ ସମୟରେ ଖାଦ୍ୟ, ଶଯ୍ୟା, ବେଡ୍‌ସିଟ୍ ଆଦି ଅତ୍ୟାବଶ୍ୟକ ସାମଗ୍ରୀ ଯୋଗାଇଦେବା ପାଇଁ ସେବା ପ୍ରଦାନକାରୀ (ସର୍ଭିସ ପ୍ରୋଭାଇଡର)ଙ୍କୁ ଚିହ୍ନଟ କରାଯାଇଛି ।
- ସମସ୍ତ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର, ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରଗୁଡ଼ିକରେ ମୌଳିକ ସୁବିଧା ଯଥା-ପାନୀୟ ଜଳ, ଶୌଚାଳୟ, ବିଦ୍ୟୁତ ସଂଯୋଗ ଏବଂ ସମସ୍ତ ପରିମଳ ବ୍ୟବସ୍ଥା ସହ ପ୍ରସ୍ତୁତ ରଖିବାକୁ ନିର୍ଦ୍ଦେଶ ଦିଆଯାଇଛି । ଏଥିପାଇଁ ବିଡ଼ିଓମାନଙ୍କୁ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ପାଇଁ ୧୦ ଲକ୍ଷ ଟଙ୍କା ଓ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ପାଇଁ ୫ ଲକ୍ଷ ଟଙ୍କା ଲେଖାଏଁ ଖର୍ଚ୍ଚ କରିବାକୁ କ୍ଷମତା ପ୍ରଦାନ କରାଯାଇଛି ।

- ତ୍ରିସ୍ତରୀୟ ପଞ୍ଚାୟତିରାଜ ବ୍ୟବସ୍ଥାର ସମସ୍ତ ପ୍ରତିନିଧିଙ୍କୁ କୋଭିଡ-୧୯ ସଂପର୍କରେ ଥିବା ୭ଟି ବିଷୟରେ ବ୍ୟାପକ ସଚେତନତା ସୃଷ୍ଟି ପାଇଁ ନିର୍ଦ୍ଦେଶ ଦିଆଯାଇଛି ।

- ଆଦେଶ ସଂଖ୍ୟା ୮୭୦୯ ତା, ୨୧/୦୩/୨୦୨୦ ଅନୁଯାୟୀ ତାଲାବନ୍ଦ(ଲକ୍ ଡାଉନ୍) ଘୋଷିତ ଅଞ୍ଚଳରେ ଅବସ୍ଥିତ ଏସ୍.ଟି., ଏସ୍.ସି ଉନ୍ନୟନ ବିଭାଗ ଦ୍ୱାରା ପରିଚାଳିତ ଛାତ୍ରାବାସଗୁଡ଼ିକରେ ମାର୍ଚ୍ଚ ୨୫ ତାରିଖ ସନ୍ଧ୍ୟା ୬ଟା ସୁଦ୍ଧା ସ୍କଲାରସିପ୍ ଟଙ୍କା ଅଗ୍ରୀମ ବଣ୍ଟନ କାର୍ଯ୍ୟ ଶେଷ ହେବ ।
- ୨୫ ମାର୍ଚ୍ଚ ୨୦୨୦ ସନ୍ଧ୍ୟା ୬ଟା ସୁଦ୍ଧା ଅନ୍ତେବାସୀମାନଙ୍କୁ ସେମାନଙ୍କ ପିତାମାତା/ଅଭିଭାବକ/ସେମାନଙ୍କର ପ୍ରତିନିଧିମାନେ ଛାତ୍ରାବାସରୁ ସାଥିରେ ନେଇଯିବେ ।
- ପିତାମାତା/ଅଭିଭାବକ/ପ୍ରତିନିଧିମାନେ ଏଥିପାଇଁ ନିଜେ ନିଜେ ବେସରକାରୀ ଗାଡ଼ିର ବନ୍ଦୋବସ୍ତ କରିବେ । ଏଥିପାଇଁ ସେମାନଙ୍କୁ ସଂପୃକ୍ତ ପ୍ରଧାନଶିକ୍ଷକ/ଶିକ୍ଷକମାନେ ଏକ ପ୍ରମାଣପତ୍ର ଦେବେ । ପ୍ରମାଣପତ୍ରରେ ଉକ୍ତ ଯାନଟି ପିଲାମାନଙ୍କୁ ଘରକୁ ନେବା ପାଇଁ ବ୍ୟବହୃତ ହୋଇଛି ବୋଲି ଦର୍ଶା ଯାଇଥିବ, ଫଳରେ ଲକ୍ ଡାଉନ୍ ସମୟରେ ଯାନବାହନ ଚଳାଚଳ କଟକଣାରୁ ସେହି ଯାନଗୁଡ଼ିକ ମୁକ୍ତ ରହିବ ।

- ନିକଟରେ ଉଜ୍‌ବେକିସ୍ତାନରୁ ଫେରିଥିବା ଜଣେ ବ୍ୟକ୍ତି ସରକାରଙ୍କ କୋଭିଡ୍-୧୯ କ୍ୱାରାଣ୍ଟାଇନ୍ ଗାଇଡ୍‌ଲାଇନ୍‌କୁ ଉଲ୍ଲଂଘନ କରିଥିବା କାରଣରୁ କ୍ଷମତାପ୍ରାପ୍ତ କର୍ତ୍ତୃପକ୍ଷଙ୍କ ବିବରଣୀ ଅନୁଯାୟୀ ଏବଂ ପୁଲିସ୍‌ର ପ୍ରାରମ୍ଭିକ ତଦନ୍ତ ଅନୁସାରେ ସମ୍ବଲପୁରର ଧନୁପାଲି ଥାନାରେ ଏହି ବ୍ୟକ୍ତିଙ୍କ ବିରୁଦ୍ଧରେ ଭାରତୀୟ ପିଙ୍ଗଳ କୋଡ ଧାରା ୧୮୮/୨୭୧ରେ ଏକ ମାମଲା ରୁଜୁ ହୋଇଛି । ସଂପୃକ୍ତ ବ୍ୟକ୍ତିଙ୍କ ପରିଚୟ ଗୋପନ ରଖାଯାଇଛି ।

- ଚଳିତ ମାର୍ଚ୍ଚ ୩୧ ତାରିଖ ପର୍ଯ୍ୟନ୍ତ ବନ୍ଦ ଥିବା ସମସ୍ତ ଅଙ୍ଗନବାଡ଼ି କେନ୍ଦ୍ର ଆସନ୍ତା ଅପ୍ରେଲ ୧ରୁ ୩୦ ତାରିଖ ପର୍ଯ୍ୟନ୍ତ ବନ୍ଦ ରଖିବାକୁ ନିର୍ଦ୍ଦେଶ ଦିଆଯାଇଛି ।
- ଟେକ୍ ହୋମ୍ ରାସନ୍ ବାବଦରେ ଛତୁଆ, ଲଡୁ ଆଦି ଶୁଖିଲା ଖାଦ୍ୟ ୬ ମାସରୁ ୩ ବର୍ଷର ଶିଶୁ, ଗର୍ଭବତୀ ଏବଂ ପ୍ରସୂତୀ ମହିଳାମାନଙ୍କୁ ଅଙ୍ଗନବାଡ଼ି କର୍ମୀ/ସହାୟିକାମାନେ ସେମାନଙ୍କ ଘରେ ପହଞ୍ଚାଇବେ ।
- ପ୍ରାକ୍ ବିଦ୍ୟାଳୟ ଶିଶୁମାନଙ୍କୁ ସକାଳ ଜଳଖିଆ ଏବଂ ମଧ୍ୟାହ୍ନରେ ରନ୍ଧା ଖାଦ୍ୟ ବାବଦକୁ ଶୁଖିଲା ଖାଦ୍ୟ ସେମାନଙ୍କ ଘରେ ପହଞ୍ଚାଇ ଦିଆଯିବ ।
- ପ୍ରତ୍ୟେକ ପରିବାରକୁ ସେମାନଙ୍କ ପ୍ରାପ୍ୟ ବାବଦକୁ ଅଣ୍ଡା ପ୍ରତି ସପ୍ତାହରେ ଘରେ ବଣ୍ଟନ କରାଯିବ ।
- ଛତୁଆ ପ୍ରସ୍ତୁତକାରୀ ସ୍ୱୟଂ ସହାୟକ ଗୋଷ୍ଠୀ ଏବଂ ଅଙ୍ଗନବାଡ଼ି କର୍ମୀ ଓ ସହାୟିକାମାନେ ସାମାଜିକ ଦୁରତ୍ୱ ଏବଂ ପରିଷ୍କାରପରିଚ୍ଛନ୍ନତା ପାଇଁ ଆବଶ୍ୟକୀୟ ପ୍ରୋଟୋକଲ୍ ନିଶ୍ଚୟ ପାଳନ କରିବେ ।

- ଆଜି ଦିନ ୧୨ଟା ସୁଦ୍ଧା ଓଡ଼ିଶାରେ ୮୫ଟି ନମୁନା ପରୀକ୍ଷା ପାଇଁ ପଠାଯାଇଥିବାବେଳେ ସମସ୍ତ ନମୁନାର ରିପୋର୍ଟ ହସ୍ତଗତ ହୋଇଛି । ସେଥିରୁ ୨ଟି ପଜିଟିଭ୍ ଚିହ୍ନଟ ହୋଇଛି ।
- ଓଡ଼ିଶାରେ ସଂକ୍ରମଣ ଚିହ୍ନଟ ହୋଇଥିବା ୨ ଜଣଙ୍କ ରୋଗୀଙ୍କ ସ୍ୱାସ୍ଥ୍ୟାବସ୍ଥା ସ୍ଥିର ଅଛି । ଉଭୟ ହସ୍‌ପିଟାଲ୍‌ରେ ଦିଆ ଯାଉଥିବା ସାଧାରଣ ଖାଦ୍ୟ ଖାଉଛନ୍ତି ।

- রোগীঙ্ক ସଂସ୍ପର୍ଶରେ ବର୍ତ୍ତମାନ ସୁଦ୍ଧା ୫୬ ଜଣ ଆସିଥିବା ତଥ୍ୟ ମିଳିଛି । ସେମାନଙ୍କ ମଧ୍ୟରୁ ୫୩ ଜଣଙ୍କ ସହ ଯୋଗାଯୋଗ ହୋଇଛି । ଅନ୍ୟ ୩ ଜଣଙ୍କ ସହ ଯୋଗାଯୋଗ ପାଇଁ ପ୍ରଚେଷ୍ଟା ଚାଲିଛି ।
- ୯ଟି ମନିଟରିଂ ଟିମ୍ ଏଥି ପାଇଁ କାର୍ଯ୍ୟ କରୁଛନ୍ତି ।
- ବର୍ତ୍ତମାନ ସୁଦ୍ଧା ୩୬୬୭ ଜଣ ୧୦୪ ହେଲ୍ପ ଲାଇନ୍ ଜରିଆରେ ପଞ୍ଜୀକରଣ କରିଛନ୍ତି ।
- କୋଭିଡ୍-୧୯ରେ ଆକ୍ରାନ୍ତ ବ୍ୟକ୍ତିଙ୍କ ସଂସ୍ପର୍ଶରେ ଆସିଥିବା ୩୫ ଜଣଙ୍କୁ ଡାକ୍ତରଖାନାରେ ଆଇସୋଲେସନ୍‌ରେ ରଖାଯାଇଛି ।

- ମହାମାରୀ ରୋଗ ଆଇନ୍-୧୮୯୭ର ଧାରା ୨ ଅନୁସାରେ ରାଜ୍ୟ ସରକାର ନିର୍ଦ୍ଦେଶ ଦେଇଛନ୍ତି ଯେ, ସମସ୍ତ ଅଣ-ଅତ୍ୟାବଶକ (Non-Essential)କେନ୍ଦ୍ର ସରକାରୀ କାର୍ଯ୍ୟାଳୟ, ସାଧାରଣ ଉଦ୍ୟୋଗ, ବ୍ୟାଙ୍କ୍ ଓ ବୀମା କାର୍ଯ୍ୟାଳୟ ଆଦି ଶତକଡ଼ା ୧୦ ଭାଗ କର୍ମଚାରୀଙ୍କୁ ନେଇ ଚାଲିବ । ଏଥିନିମନ୍ତେ ସମ୍ପୃକ୍ତ କାର୍ଯ୍ୟାଳୟର ମୁଖ୍ୟ ଅଧିକାରୀ କର୍ମଚାରୀଙ୍କ ନାମ ଉଲ୍ଲେଖପୂର୍ବକ ନିର୍ଦ୍ଧାରିତ ଫର୍ମାଟ୍‌ରେ ସେମାନଙ୍କୁ ଯାତାୟତ ନିମନ୍ତେ ଅନୁମତି ଦେବେ । ଭେହିକିଲ୍ ପାସ୍ ଦିଆଯାଇଥିବା ଅଧିକାରୀ ଓ କର୍ମଚାରୀଙ୍କ ତାଲିକା ମଧ୍ୟ କାର୍ଯ୍ୟାଳୟର ମୁଖ୍ୟ ସ୍ଥାନୀୟ ଥାନାକୁ ଜଣାଇବେ ।

- ଜନସାଧାରଣଙ୍କ ସ୍ୱାସ୍ଥ୍ୟର ସୁରକ୍ଷାକୁ ଦୃଷ୍ଟିରେ ରଖି ଓଡ଼ିଶା ସରକାର ହୋମ୍ କ୍ୱାରାଣ୍ଟାଇନ୍‌ରେ ରହୁଥିବା ବ୍ୟକ୍ତିଙ୍କ ଘର ସମ୍ମୁଖରେ ଏକ ନିର୍ଦ୍ଧାରିତ ଫର୍ମ ପୂରଣ କରି ଲଗାଯିବାକୁ ବିଜ୍ଞପ୍ତି ଜାରି କରିଛନ୍ତି ।
- ରାଜ୍ୟ ବାହାରୁ ଆସୁଥିବା ଲୋକମାନେ ଯେପରି ହୋମ କ୍ୱାରାଣ୍ଟାଇନ୍/ପୃଥକବାସରେ ରହିବେ, ସେଥିପାଇଁ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଜିଲ୍ଲାପାଳମାନଙ୍କୁ କ୍ଷମତା ପ୍ରଦାନ କରାଯାଇଛି ।

- ଅତି ଗୁରୁତ୍ୱପୂର୍ଣ୍ଣ (Critical) ବିଭାଗଗୁଡ଼ିକ ଶତକଡ଼ା ୫୦ ଭାଗ ଷ୍ଟାଫଙ୍କୁ ନେଇ ଚାଲିବ । କେଉଁ କର୍ମଚାରୀ ଓ ଅଧିକାରୀମାନେ କାର୍ଯ୍ୟାଳୟ ଆସିବେ, ତାହା ସମ୍ପୃକ୍ତ ବିଭାଗର ଶାସନ ସଚିବ ନିର୍ଦ୍ଧାରଣ କରିବେ ।
- ସେହିପରି ଆଂଶିକ-ଗୁରୁତ୍ୱପୂର୍ଣ୍ଣ (Partially critical) ବିଭାଗଗୁଡ଼ିକ ଶାସନ ସଚିବଙ୍କ ନିଷ୍ପତ୍ତି ଅନୁସାରେ ଶତକଡ଼ା ୧୦ ଭାଗ ଷ୍ଟାଫ୍‌ଙ୍କୁ ନେଇ ଚାଲିବ ।
- ନନ୍-କ୍ରିଟିକାଲ (Non critical)ବିଭାଗଗୁଡ଼ିକର ଅଧିକାରୀ ଏବଂ କର୍ମଚାରୀମାନେ ସବୁବେଳେ ଫୋନ୍ ଯୋଗାଯୋଗରେ ରହିବେ । ଦରକାର ସମୟରେ ତାଙ୍କୁ ତତ୍‌କ୍ଷଣାତ୍ କାର୍ଯ୍ୟାଳୟକୁ ଡକାଯିବ ।

ପଠାଣି ରାଉତ
ପ୍ରମିଳା ମାଝୀ
ସୂଚନା ଅଧିକାରୀ